ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 68/14-04-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୪ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ମହାବିଷୁବ ସଂକ୍ରାନ୍ତି ତଥା ଓଡ଼ିଆ ନବ ବର୍ଷ ଉପଲକ୍ଷେ ସମସ୍ତଙ୍କୁ ହାର୍ଦ୍ଦିକ ଅଭିନନ୍ଦନ ଓ ଶୁଭେଚ୍ଛା ଜଣାଇଛନ୍ତି । ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଅପାର କରୁଣାରୁ ଏ କଠିନ ସମୟ ଶୀଘ୍ର ଦୂର ହେବା ସହ ସମସ୍ତଙ୍କୁ ଜୀବନ ସୁଖ, ସମୃଦ୍ଧିରେ ଭରିଯାଉ ବୋଲି ସେ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଆଜି ମହାବିଷୁବ ସଂକ୍ରାନ୍ତି ତଥା ଓଡ଼ିଆ ନବବର୍ଷ ଅବସରରେ ଭର୍ଚୁଆଲ୍ ମୋଡ୍‌ରେ ଓଡ଼ିଶାବାସୀଙ୍କ ଉଦ୍ଦେଶ୍ୟରେ ୪୭ଟି ଅତ୍ୟାଧୁନିକ ଜୀବନ ରକ୍ଷାକାରୀ ଆମ୍ବୁଲାନ୍ସ ଲୋକାର୍ପଣ କରିଛନ୍ତି । ଏହି ନୂତନ ଆମ୍ବୁଲାନ୍ସଗୁଡ଼ିକୁ ଉତ୍ସର୍ଗ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ରୋଗୀମାନଙ୍କର କ୍ରମ ବର୍ଦ୍ଧମାନ ଯାତାୟତ ଓ ପରିବହନ ଆବଶ୍ୟକତା ପୂରଣ ହେବ ବୋଲି ଆଶା ପ୍ରକଟ କରିଛନ୍ତି । ରାଜ୍ୟବାସୀଙ୍କ ସହଯୋଗରେ ଗତବର୍ଷ ପରି ଚଳିତ ବର୍ଷ ମଧ୍ୟ ଆମେ କୋଭିଡ୍ ଦ୍ୱିତୀୟ ଲହରିକୁ ମୁକାବିଲା କରିପାରିବା ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ଦୃଢ଼ ଆଶା ବ୍ୟକ୍ତ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତୀୟ ସମ୍ବିଧାନର ସ୍ଥପତି ଭାରତରତ୍ନ ଡ. ବି.ଆର୍. ଆମ୍ବେଦକରଙ୍କୁ ତାଙ୍କ ଜୟନ୍ତୀ ଅବସରରେ ବିନମ୍ର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ସାମାଜିକ ନ୍ୟାୟର ଅଜୀବନ ପ୍ରବକ୍ତା ହେବା ସହ ବଞ୍ଚିତ, ଅବହେଳିତ ତଥା ଦଳିତମାନଙ୍କୁ ସଶକ୍ତ କରିବାରେ ନିରନ୍ତର ଉଦ୍ୟମ ନିମନ୍ତେ ସେ ଚିରସ୍ମରଣୀୟ ରହିବେ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ସାହିତ୍ୟିକ ବ୍ରଜନାଥ ବଡ଼ଜେନାଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଜ୍ଞାପନ କରିଛନ୍ତି । ଓଡ଼ିଆ ରୀତିଯୁଗୀୟ ସାହିତ୍ୟକୁ ସମୃଦ୍ଧ କରୁଥିବା ତାଙ୍କର 'ସମର ତରଙ୍ଗ', 'ଚତୁର ବିନୋଦ' ପରି ସୃଜନସୃଷ୍ଟି ସର୍ବଦା ସ୍ମରଣୀୟ ଏବଂ ପ୍ରେରଣାର ଉତ୍ସ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରଖ୍ୟାତ ଚଳଚ୍ଚିତ୍ର, ବେତାର ଓ ମଞ୍ଚ ଅଭିନେତା ତଥା ନିର୍ଦ୍ଦେଶକ ବଦ୍ରି ନାରାୟଣ ମହାପାତ୍ରଙ୍କ ବିୟୋଗରେ ଦୁଃଖ ପ୍ରକାଶ କରିଛନ୍ତି । 'ସମର୍ପଣ', 'ପଳାତକ' ଓ 'ଜନ୍ମଦାତା' ଆଦି ଚଳଚ୍ଚିତ୍ରରେ ସେ ଛାଡ଼ି ଯାଇଥିବା ଛାପ ସର୍ବଦା ସ୍ମରଣୀୟ ରହିବ ବୋଲି ଉଲ୍ଲେଖ କରି ମାନ୍ୟବର

ମୁଖ୍ୟମନ୍ତ୍ରୀ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତିସମବେଦନା ଜ୍ଞାପନ ସହ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ପିପିଲି ବିଧାନସଭା ଉପନିର୍ବାଚନରେ ପ୍ରତିଦ୍ୱନ୍ଦ୍ୱିତା କରୁଥିବା କଂଗ୍ରେସ ପ୍ରାର୍ଥୀ ଅଜିତ ମଙ୍ଗରାଜଙ୍କ ବିୟୋଗରେ ଦୁଃଖ ପ୍ରକାଶ କରିଛନ୍ତି । ଏପରି ଦୁଃଖଦ ସମୟରେ ଶୋକସନ୍ତପ୍ତ ପରିବାରବର୍ଗଙ୍କ ପ୍ରତି ସମବେଦନା ଜ୍ଞାପନ କରିବା ସହ ମାନ୍ୟବର ମୁଖ୍ୟମନ୍ତ୍ରୀ ଅମର ଆତ୍ମାର ସଦ୍‌ଗତି କାମନା କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଆ ନବବର୍ଷ ତଥା ମହାବିଷୁବ ସଂକ୍ରାନ୍ତି ଅବସରରେ ଓଡ଼ିଶାର କଳା, ସଂସ୍କୃତିର ପ୍ରସାର ପାଇଁ ଓଟିଡିସି (ଓଡ଼ିଶା ପର୍ଯ୍ୟଟନ ଉନ୍ନୟନ ନିଗମ) ପକ୍ଷରୁ କରାଯାଇଥିବା ପ୍ରୟାସକୁ ପ୍ରଶଂସା କରିଛନ୍ତି । ଓଡ଼ିଶାର ଗୌରବମୟ ଐତିହ୍ୟ, କଳା, ସଂସ୍କୃତି ଓ ପରମ୍ପରାକୁ ସ୍ମରଣ କରି ଓଡ଼ିଆ ନୂଆବର୍ଷ ଅବସରରେ ସମୃଦ୍ଧ ଓଡ଼ିଶା ଗଠନ ପାଇଁ ସଂକଳ୍ପବଦ୍ଧ ହେବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଆହ୍ୱାନ ଦେଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋଭିଡ୍ ସଂକ୍ରମଣର ପ୍ରତିରୋଧ ପାଇଁ ପୂର୍ବରୁ ଲକ୍‌ଡାଉନ୍ ପରି ସ୍ଥିତି ଦ୍ୱାରା ଆମେ ବହୁଳ ଭାବେ ପ୍ରଭାବିତ ହୋଇଛନ୍ତି । ହେଲେ ଏଥର ସେପରି ସ୍ଥିତି ସୃଷ୍ଟି ହେବାକୁ ଦେବା ନାହିଁ । ନିୟମିତ ମାସ୍କ ବ୍ୟବହାର କରି ବିନା ଲକ୍‌ଡାଉନ୍‌ରେ କୋଭିଡ୍-୧୯ର ଦୃଢ଼ ମୁକାବିଲା କରିବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଆହ୍ୱାନ ଦେଇଛନ୍ତି ।

➢ ସୂଚନା ଓ ଲୋକସଂପର୍କ ବିଭାଗ ଆନୁକୂଲ୍ୟରେ ଆଜି ଭାରତରତ୍ନ ଡ. ବାବାସାହେବ ଭୀମରାଓ ଆମ୍ବେଦକରଙ୍କ ଜୟନ୍ତୀ ପାଳିତ ହୋଇଛି । ଏହି ଅବସରରେ ଲୋକସଂପର୍କ ଭବନସ୍ଥିତ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମାନ୍ୟବର ମନ୍ତ୍ରୀ, ଖାଦ୍ୟଯୋଗାଣ ଓ ଖାଉଟି କଲ୍ୟାଣ, ସମବାୟ ଶ୍ରୀ ରଣେନ୍ଦ୍ର ପ୍ରତାପ ସ୍ୱାଇଁ ତାଙ୍କ ବକ୍ତବ୍ୟରେ ଡ. ଆମ୍ବେଦକରଙ୍କ ଜୀବନୀ ଓ କୃତିତ୍ୱ ବର୍ଣ୍ଣନା କରିବା ସହ ସାମାଜିକ ନ୍ୟାୟ ଓ ସମତାର ରୂପାୟନ ମାଧ୍ୟମରେ ସେହି ମହାପୁରୁଷଙ୍କ ଆଦର୍ଶକୁ ଅଗେଇ ନେବା ଉପରେ ଗୁରୁତ୍ୱ ଦେଇଥିଲେ । ଅନ୍ୟମାନଙ୍କ ମଧ୍ୟରେ 'ଉତ୍କଳ ପ୍ରସଙ୍ଗ' ଓ 'ଓଡ଼ିଶା ରିଭ୍ୟୁ'ର ସଂପାଦକ ଡ. ଲେନିନ୍ ମହାନ୍ତି, ସୂଚନା ଓ ଲୋକସଂପର୍କ ବିଭାଗର ନିର୍ଦ୍ଦେଶକ ଶ୍ରୀ କୃପାସିନ୍ଧୁ ମିଶ୍ର ଏବଂ ବିଶିଷ୍ଟ ଲେଖକ ତଥା ବକ୍ତା ଶ୍ରୀ ବରଦା ପ୍ରସନ୍ନ ଦାସ ପ୍ରମୁଖ ଡ. ଆମ୍ବେଦକରଙ୍କ ୧୩୦ତମ ଜୟନ୍ତୀ ଅବସରରେ ତାଙ୍କ ପ୍ରତି ବିନମ୍ର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୪,୬୧,୭୨୦ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୫୫, ୩୫୩ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ୩,୪୧, ୧୨୩ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୩୩ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୧୨,୨୪୪ ରହିଛି ।
- ୧୨,୨୪୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'